ସୂଚନା ଓ ଲୋକ ସଂପର୍କ ବିଭାଗ
Information & Public Relations Department
Government of Odisha, Bhubaneswar-751001
Phone : (91-674) 2536736 /2390818 (Fax)
e-mail : iprsec.or@nic.in

**News ID-IPR/COVID-19(OD)/ 882/17-12-2020**

# ପ୍ରେସ୍ ବିବୃତି

**ଭୁବନେଶ୍ୱର :୧୭ ଡିସେମ୍ବର,୨୦୨୦**

➢ ମାନ୍ୟବର ମୁଖ୍ୟମନ୍ତ୍ରୀ ଶ୍ରୀଯୁକ୍ତ ନବୀନ ପଟ୍ଟନାୟକ ଆଜି ଭିଡ଼ିଓ କନ୍‌ଫରେନ୍ସିଂ ମାଧ୍ୟମରେ ଶ୍ରମ ଓ ରାଜ୍ୟ କର୍ମଚାରୀ ବୀମା ବିଭାଗର 'ପରିଶ୍ରମ' ପୋର୍ଟାଲ୍ ସମେତ ୨୨ଟି ଅନ୍‌ଲାଇନ୍ ସେବାର ଶୁଭାରମ୍ଭ କରିଛନ୍ତି । ମାନ୍ୟବର ମୁଖ୍ୟମନ୍ତ୍ରୀ ଆଶା ପ୍ରକାଶ କରିଛନ୍ତି ଯେ ଏହି ପୋର୍ଟାଲ୍ ଓ ଅନ୍‌ଲାଇନ୍ ସେବାଗୁଡ଼ିକ 'ଇଜ୍ ଅଫ୍ ଡୁଇଂ ବିଜନେସ୍'ରେ ସହାୟକ ହେବା ସହିତ ରାଜ୍ୟରେ ସାମଗ୍ରିକ ଶିଳ୍ପ ଅଭିବୃଦ୍ଧିରେ ଗୁରୁତ୍ୱପୂର୍ଣ୍ଣ ଯୋଗଦାନ ରଖିବ ।

- ମାନ୍ୟବର ମୁଖ୍ୟମନ୍ତ୍ରୀ ୫-'ଟି' କାର୍ଯ୍ୟକ୍ରମର ମୁଖ୍ୟ ଆଧାର ହେଉଛି ବୈଷୟିକ କୌଶଳ ଏବଂ ଏହା ହିଁ ପରିବର୍ତ୍ତନ ଆଣିଥାଏ ବୋଲି କହିବା ସହିତ ଜନସାଧାରଣଙ୍କ ନିମନ୍ତେ ବିଭିନ୍ନ ଶ୍ରମ ଆଇନ ସଂପର୍କରେ ସୂଚନା ଏହି ପୋର୍ଟାଲ୍‌ରେ ଉପଲବ୍ଧ ହେବ ଏବଂ ଏହା ଦ୍ୱାରା ବିଭିନ୍ନ ଶିଳ୍ପ ସଂସ୍ଥାନ, ବ୍ୟବସାୟିକ ପ୍ରତିଷ୍ଠାନ, କ୍ଷୁଦ୍ର ଉଦ୍ୟୋଗୀ ଓ ଜନସାଧାରଣ ଉପକୃତ ହେବେ ବୋଲି ଆଶା ପ୍ରକାଶ କରିଛନ୍ତି ।

- ମାନ୍ୟବର ମୁଖ୍ୟମନ୍ତ୍ରୀ ପୁଣି କହିଛନ୍ତି ଯେ ନିକଟ ଭବିଷ୍ୟତରେ ଏହି ପୋର୍ଟାଲ୍ ଜରିଆରେ ୫୨ ପ୍ରକାର ସେବା ଉପଲବ୍ଧ ହେବ । ସେ ଶ୍ରମ ଓ ରାଜ୍ୟ କର୍ମଚାରୀ ବୀମା ବିଭାଗର ଅଧିକାରୀ ତଥା କର୍ମଚାରୀମାନେ ସେବା ମନୋବୃତ୍ତି ସହିତ ନିର୍ଦ୍ଦିଷ୍ଟ ସମୟସୀମା ମଧ୍ୟରେ ସେବାଗୁଡ଼ିକ ଯୋଗାଇଦେବା ପାଇଁ ପରାମର୍ଶ ଦେଇଥିଲେ ।

- ମାନ୍ୟବର ବିଭାଗୀୟ ମନ୍ତ୍ରୀ ଶ୍ରୀ ସୁଶାନ୍ତ ସିଂ, ଉନ୍ନୟନ କମିଶନର ଶ୍ରୀ ସୁରେଶ ଚନ୍ଦ୍ର ମହାପାତ୍ର, ଏମ୍ଏସ୍ଏମ୍ଇ ବିଭାଗର ପ୍ରମୁଖ ଶାସନ ସଚିବ ଶ୍ରୀ ସତ୍ୟବ୍ରତ ସାହୁ, ଶିଳ୍ପ ବିଭାଗ ପ୍ରମୁଖ ଶାସନ ସଚିବ ଶ୍ରୀ ହେମନ୍ତ ଶର୍ମା, ଶ୍ରମ ଓ ରାଜ୍ୟ କର୍ମଚାରୀ ବୀମା ବିଭାଗ ପ୍ରମୁଖ ଶାସନ ସଚିବ ଶ୍ରୀମତୀ ଚିତ୍ରା ଅରୁମୁଗମ୍, ମାନ୍ୟବର ମୁଖ୍ୟମନ୍ତ୍ରୀଙ୍କ ସଚିବ (୫-'ଟି') ଶ୍ରୀ ଭି.କେ. ପାଣ୍ଡିଆନ୍, ଶ୍ରମ ବିଭାଗ ଶାସନ ସଚିବ ଶ୍ରୀ ଟି. ନାୟକ ଏବଂ ସୂଚନା ପ୍ରଯୁକ୍ତି ବିଭାଗ ସଚିବ ଶ୍ରୀ ମନୋଜ ମିଶ୍ର ଏହି କାର୍ଯ୍ୟକ୍ରମରେ ଉପସ୍ଥିତ ଥିଲେ ।

➢ ମାନ୍ୟବର ମୁଖ୍ୟମନ୍ତ୍ରୀ ଓଡ଼ିଆ ଭାଷା ଆନ୍ଦୋଳନ ତଥା ସ୍ୱତନ୍ତ୍ର ଓଡ଼ିଶା ପ୍ରଦେଶ ଗଠନର ଅନ୍ୟତମ ମହାରାଜା ଶ୍ରୀରାମଚନ୍ଦ୍ର ଭଞ୍ଜଦେଓ ୧୫୦ତମ ଜୟନ୍ତୀରେ ଶ୍ରଦ୍ଧାଞ୍ଜଳି ଜଣାଇଛନ୍ତି । ରାଜ୍ୟର ପ୍ରଗତିକୁ ନୂଆ ଦିଗ ଦେବା ସହ ଓଡ଼ିଆ ଭାଷା, ସାହିତ୍ୟ, ସ୍ୱାସ୍ଥ୍ୟ, ପ୍ରଶାସନିକ ସେବା ଓ ଶିକ୍ଷାର ପ୍ରସାର କ୍ଷେତ୍ରରେ ତାଙ୍କ ଅତୁଳନୀୟ ଅବଦାନ ଚିରସ୍ମରଣୀୟ ବୋଲି ମାନ୍ୟବର ମୁଖ୍ୟମନ୍ତ୍ରୀ କହିଛନ୍ତି ।

**'ମାସ୍କ ପିନ୍ଧନ୍ତୁ, ସୁରକ୍ଷିତ ରୁହନ୍ତୁ'**

- ମାନ୍ୟବର ମୁଖ୍ୟମନ୍ତ୍ରୀ ବାଲେଶ୍ୱର ଉପକୂଳରୁ ଭୂପୃଷ୍ଠରୁ ଭୂପୃଷ୍ଠକୁ ପ୍ରେରଣ କରାଯାଇଥିବା ପୃଥ୍ୱୀ-୨ କ୍ଷେପଣାସ୍ତ୍ରର ସଫଳ ପରୀକ୍ଷଣ କରିଥିବାରୁ ପ୍ରତିରକ୍ଷା ଗବେଷଣା ଓ ଉନ୍ନୟନ ପ୍ରତିଷ୍ଠାନ, ଭାରତକୁ ଅଭିନନ୍ଦନ ଜଣାଇଛନ୍ତି ।

- ମାନ୍ୟବର ମୁଖ୍ୟମନ୍ତ୍ରୀ ସିଏମ୍ଏସ୍୦୧ ବାହକ ପିଏସ୍ଏଲ୍ଭିସି୫୦ ଯୋଗାଯୋଗ ଉପଗ୍ରହର ସଫଳ ପରୀକ୍ଷଣ ନିମନ୍ତେ ଭାରତୀୟ ମହାକାଶ ଗବେଷଣା ପ୍ରତିଷ୍ଠାନକୁ ଅଭିନନ୍ଦନ ଜଣାଇଛନ୍ତି । ସେ କହିଛନ୍ତି ଯେ ଆଣ୍ଡାମାନ ନିକୋବର ଓ ଲାକ୍ଷାଦ୍ୱୀପକୁ ମିଶାଇ ସାରା ଦେଶରେ ଏହି ଉପଗ୍ରହ ସଂପ୍ରସାରିତ ସି-ବ୍ୟାଣ୍ଡ ଫ୍ରିକ୍ୱେନ୍ସି ସହିତ ଟେଲିଯୋଗାଯୋଗ ବ୍ୟବସ୍ଥାକୁ ସଶକ୍ତ କରିବ ।

- ମାନ୍ୟବର ମୁଖ୍ୟମନ୍ତ୍ରୀ ମାନ୍ୟବର କେନ୍ଦ୍ର ଶ୍ରମ ମନ୍ତ୍ରୀ ଶ୍ରୀ ସନ୍ତୋଷ ଗଙ୍ଗୱାରଙ୍କୁ ଇପିଏଫ୍ ପେନସନ୍ଧାରୀମାନଙ୍କ ଅଭିଯୋଗ ଅନୁଯାୟୀ ସେମାନଙ୍କର ପେନ୍ସନ୍ ଢାଞ୍ଚାରେ ପରିବର୍ତ୍ତନ ଆଣିବା ପାଇଁ ପତ୍ର ଲେଖିଛନ୍ତି । ମାନ୍ୟବର ମୁଖ୍ୟମନ୍ତ୍ରୀ ଲେଖିଛନ୍ତି ଯେ ଏହା ଦ୍ୱାରା ଓଡ଼ିଶାର ୧.୬୨ ଲକ୍ଷ ପେନସନ୍ଧାରୀଙ୍କ ସହ ସମଗ୍ର ଭାରତର ପେନସନ୍ଧାରୀମାନଙ୍କ ହିତସାଧନ ହୋଇପାରିବ ।

- ମାନ୍ୟବର ମୁଖ୍ୟମନ୍ତ୍ରୀ ସ୍କିଲଡ୍ ଇନ୍ ଓଡ଼ିଶାର ବୃତ୍ତିଧାରୀମାନେ ଶିକ୍ଷାନବୀସମାନଙ୍କ ଉଦ୍ଦେଶ୍ୟରେ ଅନୁଷ୍ଠିତ ୧୧୦ତମ ଅଖିଳ ଭାରତୀୟ ଟ୍ରେଡ୍ ପରୀକ୍ଷାରେ ସଫଳତା ଅର୍ଜନ କରିଥିବାରୁ ସେମାନଙ୍କୁ ଅଭିନନ୍ଦନ ଜଣାଇଛନ୍ତି । ଆମ ଯୁବକମାନଙ୍କୁ ବିଶ୍ୱସ୍ତରୀୟ କରି ଗଢ଼ିତୋଳିବା ପାଇଁ ଏକ ସୁଦୃଢ଼ ସ୍କିଲଡ୍ ଇନ୍ ଓଡ଼ିଶା ପରିବେଶ ନିର୍ମାଣରେ ଆମର ଅଭିଳଷିତ ଲକ୍ଷ୍ୟ ସ୍ୱୀକୃତି ପାଇଥିବାରୁ ସେ ଖୁସି ବ୍ୟକ୍ତ କରିଛନ୍ତି ।

- ରାଜ୍ୟରେ କୋଭିଡ୍-୧୯ ନିୟମ ଏବଂ ମାର୍ଗଦର୍ଶିକା ଉଲ୍ଲଂଘନ କରିଥିବା ଅଭିଯୋଗରେ ଡିସେମ୍ବର ୧୬ ରୁ ୧୭ ତାରିଖ ସକାଳ ପର୍ଯ୍ୟନ୍ତ ୨୪ ଘଣ୍ଟା ମଧ୍ୟରେ ଓଡ଼ିଶା ପୋଲିସ ପକ୍ଷରୁ ୮ ଜଣ ବ୍ୟକ୍ତିଙ୍କୁ ଗିରଫ, ୬୯୨ ଟି ଗାଡ଼ି ଜବତ ଏବଂ ୨୨,୫୧,୧୫୦ ଟଙ୍କା ଜରିମାନା ଆଦାୟ କରାଯାଇଛି ।

**ସର୍ବଶେଷ ସ୍ୱାସ୍ଥ୍ୟ ସୂଚନା**

- ଗତକାଲି ମଧ୍ୟରାତ୍ରି ସୁଦ୍ଧା ଓଡ଼ିଶାରେ ୬୫,୦୨,୪୫୧ ଟି ନମୁନା କୋଭିଡ୍-୧୯ ପରୀକ୍ଷା କରାଯାଇଛି ।
- ବର୍ତ୍ତମାନ ସୁଦ୍ଧା ସମୁଦାୟ ୩,୨୫,୧୪୭ ଜଣ ପଜିଟିଭ୍ ଚିହ୍ନଟ ହୋଇଛନ୍ତି ।
- ୩,୨୦,୨୦୮ ଜଣ ରୋଗୀ ସଂପୂର୍ଣ୍ଣ ସୁସ୍ଥ ହୋଇଛନ୍ତି/ଡାକ୍ତରଖାନାରୁ ଫେରିଛନ୍ତି ।
- ୧୮୨୫ ଜଣ କୋଭିଡ୍-୧୯ ରୋଗୀଙ୍କର ମୃତ୍ୟୁ ହୋଇଛି ।
- ସକ୍ରିୟ ଥିବା ସଂକ୍ରମିତଙ୍କ ସଂଖ୍ୟା ୩,୦୬୧ ରହିଛି ।
- ୩,୦୬୧ ଜଣ ହସ୍ପିଟାଲ୍ ଆଇସୋଲେସନ୍ରେ ରହିଛନ୍ତି ।

ପଠାଣି ରାଉତ
ସୂଚନା ଅଧିକାରୀ

**'ମାସ୍କ ପିନ୍ଧନ୍ତୁ, ସୁରକ୍ଷିତ ରୁହନ୍ତୁ'**